ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୮୪୨ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୨୯୪୪୯ରେ ପହଞ୍ଚିଲା - ସୁସ୍ଥ ହେଲେ ୬୨୩ ଜଣ ।

ଅନୁଗୋଳ, ତା.୨୩.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୮୪୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୧୨ଜଣ(୧୧୦ ଜଣ ପୁରୁଷ ଓ ୧୦୨ ଜଣ ମହିଳା), ବଣ୍ଟାଁରପାଳ ବ୍ଲକ୍ ଅଂଚଳରୁ ୧୫୪ଜଣ (୮୩ଜଣ ପୁରୁଷ ଓ ୭୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୯୩ ଜଣ ( ୫୫ଜଣ ପୁରୁଷ ଓ ୩୮ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୮୯ଜଣ ( ୪୭ଜଣ ପୁରୁଷ ଓ ୪୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୭୯ଜଣ ( ୪୯ଜଣ ପୁରୁଷ ଓ ୩୦ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୫୧ଜଣ ( ୩୨ଜଣ ପୁରୁଷ ଓ ୧୯ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪୭ଜଣ ( ୨୯ଜଣ ପୁରୁଷ ଓ ୧୮ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪୩ଜଣ ( ୨୭ଜଣ ପୁରୁଷ ଓ ୧୬ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩୫ଜଣ ( ୨୧ଜଣ ପୁରୁଷ ଓ ୧୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨୬ଜଣ ( ୧୫ଜଣ ପୁରୁଷ ଓ ୧୧ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୩ଜଣ ( ୯ଜଣ ପୁରୁଷ ଓ ୪ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୧୬ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୬୨୩ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୭୨ ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୨୦ ତା.୨୩.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ